ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/R&DM (Odia) /254 /08-04 -2025

# ଜମି ଜାଲିଆତି ଘଟଣାରେ ସମ୍ବଲପୁର ଜିଲ୍ଲା ଉପ-ନିବନ୍ଧକ ନିଲମ୍ବିତ

**ଭୁବନେଶ୍ୱର, ୦୮/୦୪/୨୦୨୫**

ସମ୍ବଲପୁର ଜିଲ୍ଲା ଉପନିବନ୍ଧକ ଶ୍ରୀ ସୂର୍ଯ୍ୟନାରାୟଣ ସାମଲଙ୍କୁ ସରକାର ଜମି ପଞ୍ଜିକରଣରେ ଜାଲିଆତି କାର୍ଯ୍ୟରେ ନିୟୋଜିତ ଥିବା ଅଭିଯୋଗରେ ନିଲମ୍ବିତ କରାଯାଇଛି । ଶ୍ରୀ ସାମଲ ମୃତବ୍ୟକ୍ତିଙ୍କୁ ଜୀବିତ ଦର୍ଶାଇ ଜାଲିଆତି କରି ଜମି ବିକ୍ରି ପଞ୍ଜିକରଣ କରାଇଥିଲେ ।

ଶ୍ରୀ ସାମଲ ଗତ ୨୮/୦୩/୨୦୨୫ରିଖ ଦିନ ଏହି କେଶ୍‌ରେ ଗିରଫ ହୋଇଥିଲେ । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ପ୍ରକାଶିତ ଆଦେଶ ଅନୁଯାୟୀ ନିଲମ୍ବନ ନ ହଟିବା ପର୍ଯ୍ୟନ୍ତ ଶ୍ରୀ ସାମଲ ସମ୍ବଲପୁର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅବସ୍ଥାପିତ ହେବେ । ଏହା ସହ ବିନା ଅନୁମତିରେ କୌଣସି ପ୍ରକାର ଛୁଟି ନେଇପାରିବେ ନାହିଁ ।

ଏଠାରେ ସୂଚନାଯୋଗ୍ୟ ଯେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଶ୍ରୀ ସୁରେଶ ପୂଜାରୀ ଦୁର୍ନୀତି କ୍ଷେତ୍ରରେ ଶୂନ୍ୟ ସହନଶୀଳତା ଉପରେ ସର୍ବାଧିକ ଗୁରୁତ୍ୱ ଦେଉଥିବାବେଳେ ରାଜସ୍ୱ ବିଭାଗ ପକ୍ଷରୁ ବିଗତ ଦିନରେ ଅଧିକାଂଶ ମାମଲା ଉପରେ ଦୃଷ୍ଟାନ୍ତ ମୂଳକ ଭାବରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ଆଗାମୀ ଦିନରେ ମଧ୍ୟ ଦୁର୍ନୀତି ଓ ଜାଲିଆତି କାର୍ଯ୍ୟକୁ କୌଣସି ପ୍ରକାରେ ବରଦାସ୍ତ କରାଯିବ ନାହିଁ ବୋଲି ମନ୍ତ୍ରୀ ଶ୍ରୀ ପୂଜାରୀ ପ୍ରକାଶ କରିଛନ୍ତି ।

ବିଭୁତି ନାୟକ
ଲୋକସମ୍ପର୍କ ଅଧିକାରୀ